ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 27/07-04-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୭ ଅପ୍ରେଲ, ୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ବିଶ୍ୱ ସ୍ୱାସ୍ଥ୍ୟ ଦିବସ ଅବସରରେ କୋଭିଡ୍-୧୯ ସମୟରେ ଆମକୁ ସୁରକ୍ଷା ଦେବା ପାଇଁ ନିରନ୍ତର କାର୍ଯ୍ୟ କରିଥିବା ସ୍ୱାସ୍ଥ୍ୟକର୍ମୀମାନଙ୍କ ପ୍ରତି ଗଭୀର କୃତଜ୍ଞତା ଜଣାଇଛନ୍ତି । ସମଗ୍ର ବିଶ୍ୱ ଏହି ଆହ୍ୱାନ ବିରୁଦ୍ଧରେ ସଂଗ୍ରାମ କରୁଥିବାବେଳେ ଆମର ମୂଲ୍ୟବାନ ଜୀବନ ରକ୍ଷା କରିବା ପାଇଁ ସେମାନଙ୍କ ପ୍ରଦର୍ଶିତ ତ୍ୟାଗ ଓ ନିଷ୍ଠାକୁ ସମ୍ମାନ ଦେବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଆହ୍ୱାନ ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶାରେ କୋଭିଡ୍-୧୯ ଭୂତାଣୁର ପ୍ରକୋପ ବୃଦ୍ଧି ପାଉଥିବାରୁ ଉଦ୍‌ବେଗ ପ୍ରକାଶ କରିଛନ୍ତି ଏବଂ ପୋଲିସ ପ୍ରଶାସନକୁ ୧୦ ଦିନ ପାଇଁ କୋଭିଡ୍-୧୯ ସୁରକ୍ଷା ମାର୍ଗଦର୍ଶିକାର କଡ଼ାକଡ଼ି ଅନୁପାଳନ ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆମର ଗୌରବମୟ ଐତିହ୍ୟକୁ ପ୍ରତିପାଦିତ କରୁଥିବା ଓଡ଼ିଶାର ସୁନ୍ଦର ସ୍ମାରକଗୁଡ଼ିକୁ ଉପସ୍ଥାପନ କରିଥିବାରୁ ଡାର୍ଲିମ୍ପ୍ଲ ୱିଲ୍‌ଙ୍କୁ ଧନ୍ୟବାଦ ଜଣାଇଛନ୍ତି । ଗରିମାମୟ ଐତିହ୍ୟର ଗୋପନ ସଂପଦଗୁଡ଼ିକୁ ପ୍ରଦର୍ଶିତ କରିବାରେ ଏହା ଏକ ନିରନ୍ତର ଉଦ୍ୟମ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଛତିଶଗଡ଼ର ସୁକମାରେ ମାଓବାଦୀଙ୍କ ସହ ଲଢ଼ି ଶହୀଦ ହୋଇଥିବା ଓଡ଼ିଆ ବୀର ଯବାନ ସୁବାସ ନାଏକଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ତାଙ୍କର ସାହସ, ପରାକ୍ରମ ଓ ବଳିଦାନ ପାଇଁ ସେ ସର୍ବଦା ସ୍ମରଣୀୟ ରହିବେ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଏଭଳି ଦୁଃଖଦ ସମୟରେ ତାଙ୍କ ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇବା ସହ ତାଙ୍କ ଆମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୨,୪୪,୫୭୪ ଟି ନମୁନା କୋଭିଡ୍‌-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୪୪, ୬୪୭ ଜଣ ପଜିଟିଭ୍‌ ଚିହ୍ନଟ ହୋଇଛନ୍ତି ।
- ୩,୩୮, ୪୧୬ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୨୩ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪୨୫୫ ରହିଛି ।
- ୪୨୫୫ ଜଣ ହସ୍‌ପିଟାଲ୍‌ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**